# ବିଶ୍ୱ ଜନସଂଖ୍ୟା ଦିବସ ଉପଲକ୍ଷେ ସଚେତନତା ରଥର ଶୁଭାରମ୍ଭ ।

ଆଜି ପୂର୍ବାହ୍ନରେ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ବିଶ୍ୱ ଜନସଂଖ୍ୟା ଦିବସ ଉପଲକ୍ଷେ ବିଭିନ୍ନ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ବିଶ୍ୱରେ ଜନସଂଖ୍ୟା ସ୍ଥିରତା ଆଣିବା ପାଇଁ ପ୍ରତ୍ୟେକ ବର୍ଷ ଜୁନ୍ ମାସ ୨୭ ତାରିଖରୁ ଜୁଲାଇ ମାସ ୧୦ ତାରିଖ ପର୍ଯ୍ୟନ୍ତ ସଚେତନତା ପକ୍ଷ ପାଳନ କରାଯାଇ ପରିବାର ନିୟୋଜନ ସମ୍ପର୍କରେ ସଚେତନ କରାଯାଉଛି । ଜନସଂଖ୍ୟା ସ୍ଥିରତା ଆଣିବା ପାଇଁ ଜିଲ୍ଲା ମୁଖ୍ୟଚିକିତ୍ସାଳୟ ପରିସରରୁ ସଚେତନତା ରଥର ଶୁଭାରମ୍ଭ କରାଯାଇଛି । ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ତଥା ଜିଲ୍ଲା ମିଶନ ନର୍ଦ୍ଦେଶକ ଡା.ତ୍ରିଲୋଚନ ପ୍ରଧାନ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏହି ରଥର ଶୁଭାରମ୍ଭ କରିବା ସହ ପରିବାର ନିୟୋଜନର ବିଭିନ୍ନ ପଦ୍ଧତି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟଠାରୁ ଆରମ୍ଭ କରି ଜିଲ୍ଲାର ଉପଚିକିତ୍ସାକେନ୍ଦ୍ର , ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର, ଗୋଷ୍ଠୀସ୍ୱାସ୍ଥ୍ୟ କେନ୍ଦ୍ର ଓ ଉପଖଣ୍ଡ ସ୍ତରୀୟ ସ୍ୱାସ୍ଥ୍ୟକେନ୍ଦ୍ରରେ ଉପଲବ୍ଧ ବୋଲି ପ୍ରକାଶ କରିଥିଲେ । ଏହି ସଚେତନତାରଥ ଜନସାଧାରଣଙ୍କୁ ସଚେତନ କରି ପରିବାର ନିୟୋଜନକୁ ଆପଣେଇବା ଏବଂ ଜନସଂଖ୍ୟା ନିୟନ୍ତ୍ରଣରେ ସହଯୋଗ ଏହି କାର୍ଯ୍ୟକ୍ରମର ମୂଳ ଉଦ୍ଦେଶ୍ୟ । ଉକ୍ତ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ପରିବାର କଲ୍ୟାଣ ) ଡା.ଦିଲ୍ଲିପ କୁମାର ପଟ୍ଟନାୟକଙ୍କ ସହ ପାରାମେଡିକାଲ,ଆଶା,ସ୍ୱାସ୍ଥ୍ୟ କର୍ମୀ ଆଦି ଉପସ୍ଥିତ ଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୦୨ ତା.୦୧.୦୭.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ

OPPO Reno7 5G
2023.07.01 15:41


DISTRICT HEADQUARTERS HOSPITAL, ANGUL

